# ପ୍ରଧାନମନ୍ତ୍ରୀ ଓ ମନ୍ତ୍ରିମଣ୍ଡଳର ଶପଥ ଗ୍ରହଣ ସମାରୋହପାଇଁ ନେତାଙ୍କ ଗସ୍ତ

ଜୁନ୍ ୦୮, ୨୦୨୪

୨୦୨୪ ସାଧାରଣ ନିର୍ବାଚନ ପରେ ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀ ଏବଂ ମନ୍ତ୍ରିମଣ୍ଡଳର ଶପଥ ଗ୍ରହଣ ସମାରୋହ ୦୯ ଜୁନ ୨୦୨୪ରେ ଅନୁଷ୍ଠିତ ହେବ । ଏହି ଅବସରରେ ଭାରତର ପଡ଼ୋଶୀ ଏବଂ ଭାରତ ମହାସାଗର ଅଞ୍ଚଳର ନେତାମାନଙ୍କୁ ସମ୍ମାନିତ ଅତିଥି ଭାବେ ନିମନ୍ତ୍ରଣ କରାଯାଇଛି।

ଶ୍ରୀଲଙ୍କାର ରାଷ୍ଟ୍ରପତି ମହାମହିମ ଶ୍ରୀ ରାନିଲ ବିକ୍ରମସିଂହେ; ମାଳଦ୍ୱୀପର ରାଷ୍ଟ୍ରପତି ମହାମହିମ ଡକ୍ଟର ମହମ୍ମଦ ମୁଇଜଜୁ; ସେସେଲ୍ସର ଉପ- ରାଷ୍ଟ୍ରପତି ମହାମହିମ ଶ୍ରୀ ଅହମ୍ମଦ ଆଫିଫ୍; ବାଂଲାଦେଶର ପ୍ରଧାନମନ୍ତ୍ରୀ ମହାମହିମ ଶେଖ ହସିନା; ମରିସସ୍ ପ୍ରଧାନମନ୍ତ୍ରୀ ମହାମହିମ ଶ୍ରୀ ପ୍ରବିନ୍ଦ କୁମାର ଜଗନ୍ନାଥ; ନେପାଳ ପ୍ରଧାନମନ୍ତ୍ରୀ ପୁଷ୍ପ କମଲ ଦହଲ 'ପ୍ରଚଣ୍ଡ'; ଏବଂ ଭୁଟାନର ପ୍ରଧାନମନ୍ତ୍ରୀ ମହାମହିମ ଶ୍ରୀ ସେରିଙ୍ଗ ତୋବଗେ ଯୋଗ ଦେବା ପାଇଁ ନିମନ୍ତ୍ରଣକୁ ଗ୍ରହଣ କରିଛନ୍ତି ।

ଶପଥ ଗ୍ରହଣ ସମାରୋହରେ ଯୋଗଦେବା ବ୍ୟତୀତ ସେହି ଦିନ ସନ୍ଧ୍ୟାରେ ରାଷ୍ଟ୍ରପତି ଶ୍ରୀମତୀ ଦ୍ରୌପଦୀ ମୁର୍ମୁଙ୍କ ଦ୍ୱାରା ରାଷ୍ଟ୍ରପତି ଭବନରେ ଆୟୋଜିତ ସାଂଧ ଭୋଜିରେ ଯୋଗ ଦେବେ।

ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦୀଙ୍କ କ୍ରମାଗତ ତୃତୀୟ ପାଳି ପାଇଁ ଶପଥ ଗ୍ରହଣ ସମାରୋହରେ ଯୋଗଦେବା ପାଇଁ ନେତାମାନଙ୍କ ଗସ୍ତ ଭାରତର 'ପଡ଼ୋଶୀ ପ୍ରଥମ' ନୀତି ଏବଂ 'ସାଗର' ଭିଜନକୁ ସର୍ବୋଚ୍ଚ ପ୍ରାଥମିକତା ଦେଇଛି।

**ନୂଆଦିଲ୍ଲୀ**
**ଜୁନ୍ ୦୮, ୨୦୨୪**